# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
### 28 October – 2025

# ଜଷ୍ଟିସଙ୍କ ନାମ ସୁପାରିଶ

ଦେଶର ପରବର୍ତ୍ତୀ ପ୍ରଧାନ ବିଚାରପତି ଭାବେ କେନ୍ଦ୍ର ସରକାର ଜଷ୍ଟିସ ସୂର୍ଯ୍ୟକାନ୍ତଙ୍କ ନାମ ସୁପାରିଶ କରିଛନ୍ତି । ଜଷ୍ଟିସ ସୂର୍ଯ୍ୟକାନ୍ତ ଆସନ୍ତାମାସ ୨୪ ତାରିଖରେ ସୁପ୍ରିମକୋର୍ଟର ପ୍ରଧାନ ବିଚାରପତି ଭାବେ ଶପଥଗ୍ରହଣ କରିବେ ବୋଲି ଜଣାପଡିଛି । ବର୍ତ୍ତମାନ ପ୍ରଧାନ ବିଚାରପତି ଥିବା ଜଷ୍ଟିସ ଭୂଷଣ ରାମକୃଷ୍ଣ ଗବାଇ ଆସନ୍ତା ମାସ ୨୩ ତାରିଖରେ ଅବସର ଗ୍ରହଣ କରିବେ ।

# ବାତ୍ୟା 'ମୋନ୍ଥା'

ଦକ୍ଷିଣ ପଶ୍ଚିମ ଏବଂ ଏହାର ପାର୍ଶ୍ୱବର୍ତ୍ତୀ ପଶ୍ଚିମ କେନ୍ଦ୍ରୀୟ ବଙ୍ଗୋପସାଗର ଅଞ୍ଚଳରେ ସୃଷ୍ଟ ଗଭୀର ଅବପାତ ସାମୁଦ୍ରିକ ଝଡ଼ 'ମୋନ୍ଥା'ରେ ପରିଣତ ହେବା ପରେ ଉତ୍ତର-ପଶ୍ଚିମ ଦିଗରେ ଗତିକରୁଛି । ସାମୁଦ୍ରିକ ଝଡ଼ ଆଜି ସକାଳ ସୁଦ୍ଧା ଭୀଷଣ ବାତ୍ୟାରେ ପରିଣତ ହେବା ସହ ଉତ୍ତର- 'ଉତ୍ତର-ପଶ୍ଚିମ' ଦିଗରେ ଗତିକରିବ । ବାତ୍ୟା ଆଜି ସଂଧ୍ୟା ସୁଦ୍ଧା ଆନ୍ଧ୍ରପ୍ରଦେଶର ମଛଲିପଟନମ ଏବଂ କଳିଙ୍ଗପଟନମ ମଧ୍ୟରେ କାକିନାଡା ନିକଟରେ ସ୍ଥଳଭାଗ ଅତିକ୍ରମ କରିବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଅନୁମାନ କରାଯାଇଛି । ସ୍ଥଳଭାଗ ସ୍ପର୍ଶ କରିବା ପରେ ବାତ୍ୟା କାକିନାଡାରୁ ମାଲକାନଗିରି ଦେଇ ଛତିଶଗଡ ଆଡକୁ ଗତି କରିବାର ସମ୍ଭାବନା ଥିବା

ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ନିର୍ଦ୍ଦେଶକ ଡକ୍ଟର ମନୋରମା ମହାନ୍ତି କହିଛନ୍ତି । ରାଜ୍ୟର ମାଲକାନଗିରି, କୋରାପୁଟ, ରାୟଗଡା, ନବରଙ୍ଗପୁର, କନ୍ଧମାଳ, କଳାହାଣ୍ଡି, ଗଜପତି ଓ ଗଞ୍ଜାମ ଜିଲ୍ଲାରେ ଆଜି ଅତିପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ଏହିସବୁ ଜିଲ୍ଲାରେ ତିନିଦିନ ପାଇଁ ସମସ୍ତ ସ୍କୁଲ ଓ ଅଙ୍ଗନବାଡି କେନ୍ଦ୍ରକୁ ଆସନ୍ତା ଗୁରୁବାର ପର୍ଯ୍ୟନ୍ତ ଛୁଟି ଘୋଷଣା କରାଯାଇଛି । ସେହିପରି ପୁରୀ, ନୟାଗଡ ଓ ଖୋର୍ଦ୍ଧା ଜିଲ୍ଲାରେ ଆସନ୍ତାକାଲି ପର୍ଯ୍ୟନ୍ତ ସ୍କୁଲ ଓ ଅଙ୍ଗନବାଡି କେନ୍ଦ୍ର ବନ୍ଦ ରଖାଯାଇଛି । ରାଜ୍ୟରେ ବାତ୍ୟା ଓ ବର୍ଷାଜନିତ ସ୍ଥିତିର ମୁକାବିଲା ପାଇଁ ରାଜ୍ୟ ସରକାର ସମ୍ପୂର୍ଣ୍ଣ ପ୍ରସ୍ତୁତ ଥିବା ରାଜସ୍ୱ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି । ରାଜ୍ୟର ଏକହଜାର ୪୪୫ଟି ବାତ୍ୟା ଆଶ୍ରୟସ୍ଥଳୀକୁ ୩ହଜାର ଲୋକଙ୍କୁ ସ୍ଥାନାନ୍ତର କରାଯାଇଛି । ଆବଶ୍ୟକ ସ୍ଥଳେ ୩୨ହଜାରରୁ ଉର୍ଦ୍ଧ୍ୱ ଲୋକଙ୍କୁ ସ୍ଥାନାନ୍ତର କରାଯାଇଥିବା ଲକ୍ଷ୍ୟ ରଖାଯାଇଥିବା ଶ୍ରୀ ପୂଜାରୀ କହିଛନ୍ତି ।

## ମୁଖ୍ୟମନ୍ତ୍ରୀ-ବାତ୍ୟା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ପୂର୍ବାହ୍ନରେ ରାଜ୍ୟରେ ବାତ୍ୟାସ୍ଥିତି ନେଇ ସମୀକ୍ଷା କରିବେ । ଭୁବନେଶ୍ୱର ଲୋକସେବା ଭବନରେ ଅନୁଷ୍ଠିତ ହେବାକୁ ଥିବା ବୈଠକରେ ବାତ୍ୟାର ମୁକାବିଲା ସମ୍ପର୍କରେ ବରିଷ୍ଠ ଅଧିକାରୀ ଏବଂ ଜିଲ୍ଲା ପ୍ରଶାସନ ସହ ମୁଖ୍ୟମନ୍ତ୍ରୀ ଆଲୋଚନା କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

# ବାତ୍ୟା ପ୍ରସ୍ତୁତି ବୈଠକ

ବାତ୍ୟା ମୋନ୍ଥାକୁ ଦୃଷ୍ଟିରେ ରଖି ବିଭିନ୍ନ ବିଭାଗ ପକ୍ଷରୁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଶକ୍ତିବିଭାଗ ପକ୍ଷରୁ ରାଜ୍ୟରେ ନିରବିଚ୍ଛିନ୍ନ ବିଦ୍ୟୁତ୍ ଯୋଗାଣ ସୁନିଶ୍ଚିତ କରିବା ପାଇଁ ପଦକ୍ଷେପ ନିଆଯାଇଛି । ବିଭାଗ ପକ୍ଷରୁ ଏକ ଟୋଲ୍ ଫ୍ରି ନମ୍ବର ୧୯୧୨ ଜାରି କରାଯାଇଛି ।

କୃଷି ବିଭାଗ ପ୍ରମୁଖ ଶାସନ ସଚିବ ଡକ୍ଟର ଅରବିନ୍ଦ ପାଢ଼ୀ ବାତ୍ୟାକୁ ଦୃଷ୍ଟିରେ ରଖି ବିଭାଗର ସମସ୍ତ ଅଧିକାରୀଙ୍କ ଛୁଟି ଆସନ୍ତା ୩୧ ତାରିଖ ପର୍ଯ୍ୟନ୍ତ ବାତିଲ କରିଛନ୍ତି । ବାତ୍ୟା ପରବର୍ତ୍ତୀ ପଦକ୍ଷେପରେ ଜମିରୁ ପାଣି ଛାଡିଗଲା ପରେ ଫସଲ କ୍ଷୟକ୍ଷତିର ଆକଳନ ପାଇଁ କୃଷି ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି ।

ସ୍ୱାସ୍ଥ୍ୟ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିଭାଗୀୟ ଶାସନ ସଚିବ ଅଶ୍ୱଥି ଏସ୍ ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ସମୀକ୍ଷା କରିଛନ୍ତି । ଆସନ୍ନ ପ୍ରସବା ମହିଳାମାନଙ୍କୁ ମାତୃଗୃହ, ସ୍ୱାସ୍ଥ୍ୟକେନ୍ଦ୍ର ଓ ହସ୍ପିଟାଲ ଗୁଡ଼ିକୁ ସ୍ଥାନାନ୍ତର କରାଯିବା, ହସ୍ପିଟାଲରେ ଡିଜିସେଟ୍, ଇନ୍‌ଭର୍ଟର ସ୍ଥାପନ, ଯଥେଷ୍ଟ ପରିମାଣର ଔଷଧ, ସାପକାମୁଡ଼ା ଇଞ୍ଜେକ୍ସନ ଆଦି ମହଜୁଦ ରଖିବା ଉପରେ ଆଲୋଚନା କରାଯାଇଥିଲା । ଆକସ୍ମିକ ସ୍ଥିତିର ମୁକାବିଲା ପାଇଁ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପ୍ରତି ଜିଲ୍ଲାକୁ ୨ ଲକ୍ଷ ଟଙ୍କାର ଜରୁରୀକାଳୀନ ରାଶି ଯୋଗାଇ ଦିଆଯାଇଥିବା ବୈଠକରୁ ଜଣାପଡିଛି ।

## ଉପମୁଖ୍ୟମନ୍ତ୍ରୀ-ମୁମ୍ବାଇ ଗସ୍ତ

ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା ଭାରତୀୟ ନୌବାଣିଜ୍ୟ ସପ୍ତାହ-୨୦୨୫ କାର୍ଯ୍ୟକ୍ରମରେ ଯୋଗଦେବା ପାଇଁ ମୁମ୍ବାଇ ଗସ୍ତ କରିଛନ୍ତି । ଏହି ଅବସରରେ ଉପମୁଖ୍ୟମନ୍ତ୍ରୀ ଭାରତୀୟ ନୌବାଣିଜ୍ୟରେ ଓଡ଼ିଶାର ସ୍ୱର୍ଣ୍ଣିମ ଯୋଗଦାନ ଓ ଏହାର ଐତିହ୍ୟ ସମ୍ପର୍କରେ ଅଭିଭାଷଣ ରଖିବାର କାର୍ଯ୍ୟକ୍ରମ ରହିଛି ।

## କିଶୋରୀ-କିଶୋର ସମାବେଶ

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ଆଜିଠାରୁ ୨ ଦିନ ଧରି ରାଜ୍ୟସ୍ତରୀୟ କିଶୋରୀ-କିଶୋର ସମାବେଶ ଆୟୋଜନ କରାଯିବ । କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା ଏବଂ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯୋଗଦେବାର କାର୍ଯ୍ୟସୂଚୀ ରହିଛି ।

## ଛାତ୍ରବୃତ୍ତି

ଉଚ୍ଚଶିକ୍ଷା ବିଭାଗ ଦ୍ୱାରା ୨୦୨୫-୨୬ ଶିକ୍ଷାବର୍ଷ ପାଇଁ ମୁଖ୍ୟମନ୍ତ୍ରୀ ମେଧାବୀ ଛାତ୍ର ପ୍ରୋତ୍ସାହନ ଯୋଜନା ଅଧୀନରେ ବୃତ୍ତି ଆବେଦନର ଅବଧିକୁ ଆସନ୍ତା ମାସ ୪ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । ପୂର୍ବରୁ ଏହି ଯୋଜନାରେ ଆବେଦନ ପ୍ରକ୍ରିୟାର ଶେଷ ତାରିଖ ଗତ ୨୪ ତାରିଖ ପର୍ଯ୍ୟନ୍ତ ଧାର୍ଯ୍ୟ କରାଯାଇଥିଲା । ଛାତ୍ରଛାତ୍ରୀମାନେ **www.scolarship.odisha.gov.in** ରେ ଇ-ମେଧାବୃତ୍ତି, ବ୍ୟାସକବି ଫକୀର

ମୋହନ ଭାଷାବୃତ୍ତି ଯୋଜନା ଏବଂ ଗୋପବନ୍ଧୁ ଶିକ୍ଷା ସହାୟତା ଯୋଜନାରେ ଆବେଦନ କରିପାରିବେ ।